## 'ମୁଁ ବି ମିତା' କର୍ମଶାଳା ଅନୁଷ୍ଠିତ ।

ଆଜି ପୂର୍ବାହ୍ନରେ ଉପଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷ ଠାରେ ବିଭିନ୍ନ ମହାବିଦ୍ୟାଳୟରୁ ଆସିଥିବା ୧୭ ବର୍ଷ ବୟସରୁ ଉର୍ଦ୍ଧ ଛାତ୍ରୀମାନଙ୍କୁ ନେଇ ଏକ ପ୍ରଶିକ୍ଷଣ କାର୍ଯ୍ୟକ୍ରମ (ମୁଁ ବି ମିତା) ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବରନ୍ୟେନ୍ଦୁ ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଅସନ୍ତା ସାଧାରଣ ନିର୍ବାଚନ ୨୦୨୪କୁ ଦୃଷ୍ଟିରେ ରଖି ଭୋଟର ତାଲିକାରେ ଅଧିକରୁ ଅଧିକ ନୂତନ ଭୋଟଦାତାଙ୍କ ନାମ ପଞ୍ଜିକରଣ ନିମନ୍ତେ ପ୍ରଥମ ପର୍ଯ୍ୟାୟରେ ଅନୁଗୋଳ ଓ ଛେଣ୍ଡିପଦା ବିଧାନସଭା ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ୩୩ଜଣ ମହିଳା ଆମ୍ବାସାଡରମାନଂକୁ ପ୍ରଶିକ୍ଷଣ ପ୍ରଦାନ କରାଯାଇଅଛି । ଏହି ଅବସରରେ ଅପରାହ୍ନରେ ବିଭିନ୍ନ ରାଜନୈତିକ ଦଳର ବୁଥ୍ ସ୍ତରୀୟ ପ୍ରତିନିଧିମାନଂକୁ ନେଇ ଏକ ତ୍ରୁଟିଶୁନ୍ୟ ଭୋଟର ତାଲିକା ପ୍ରସ୍ତୁତି ନିମନ୍ତେ ଏକ ବୈଠକ ମଧ୍ୟ ଅନୁଷ୍ଠିତ ହୋଇଯାଇଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା-୪୯୨ ତା.୦୯.୦୮.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

୭/୮/23

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ

